## ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୪୨ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୩୭୩୦ରେ ପହଞ୍ଚିଲା - ସୁସ୍ଥ ହେଲେ ୬୫ ଜଣ ।

ଅନୁଗୋଳ, ତା.୨୩.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୧୪୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୯୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କିଶୋରନଗର ବ୍ଲକ୍ ଅଂଚଳରୁ ୨୪ଜଣ ( ୧୪ଜଣ ପୁରୁଷ ଓ ୧୦ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨୧ଜଣ ( ୧୭ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୧ଜଣ ( ୧୫ଜଣ ପୁରୁଷ ଓ ୬ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୬ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୭ଜଣ ( ୧୩ଜଣ ପୁରୁଷ ଓ ୪ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୬ଜଣ (୧୩ ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୪ଜଣ ( ୧୧ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୬୫ ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୭୫ ତା.୨୩.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ